# ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଉପଲକ୍ଷେ ଶପଥ ପାଠ କାର୍ଯ୍ୟକ୍ରମ ।

## Oath taking for the observance of Vigilance Awareness week.

ସମାଜର ପ୍ରତ୍ୟେକ ସ୍ତରରୁ ଦୁର୍ନୀତୀର ମୂଳୋତ୍ପାଟନ କରି ଶାନ୍ତି ଓ ସୌହାର୍ଦ୍ଦପୂର୍ଣ୍ଣ ବାତାବରଣ ସୃଷ୍ଟି କରିବା ସହ ଜନସାଧାରଣଙ୍କୁ ନ୍ୟାୟ ପ୍ରଦାନ କରିବା ନିମନ୍ତେ ସଚେତନତା ସୃଷ୍ଟି ପାଇଁ ଦୁର୍ନୀତୀ ନିବାରଣ ସଚେତନତା ସପ୍ତାହ ଆଜି ଠାରୁ ଆସନ୍ତା ମାସ ୨ ତାରିଖ ପର୍ଯ୍ୟନ୍ତ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ପାଳନ ହେଉଛି । ଆଜି ଏହି ସପ୍ତାହର ପ୍ରଥମ ଦିବସରେ ଜିଲ୍ଲା କାର୍ଯ୍ୟାଳୟ ବାରଣ୍ଡାରେ ଆୟୋଜିତଏକ ଶପଥ ପାଠ କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି ଯୋଗ ଦେଇ ଉପସ୍ଥିତ କର୍ମଚାରୀମାନଙ୍କୁ ଶପଥ ପାଠ କରାଇଥିଲେ । ଏହି କାର୍ଯ୍ୟକ୍ରମରେ ଡେପୁଟି କଲେକ୍ଟର ଶ୍ରୀ ବୈତ୍ରା ଟିପ୍ପଞ୍ଜ ସମେତ ଜିଲ୍ଲା କାର୍ଯ୍ୟାଳୟ, ଅନୁଗୋଳ ଉପଜିଲ୍ଲାପାଳ କାର୍ଯ୍ୟାଳୟ ଓ ବିଭିନ୍ନ କାର୍ଯ୍ୟାଳୟର କର୍ମଚାରୀମାନେ ଯୋଗ ଦେଇ ଶପଥ ପାଠ କରିଥିଲେ । ଏହି ଶପଥ ପାଠ କାର୍ଯ୍ୟକ୍ରମକୁ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଶ୍ରୀ ଶରତ ଚନ୍ଦ୍ର ସେଠୀ ପରିଚାଳନା କରିଥିଲେ ।

